# ସାହିତ୍ୟ ଏକାଡେମୀ ଅନୁବାଦ ପୁରସ୍କାର ୨୦୨୪ ଘୋଷିତ

# ଓଡ଼ିଆ ଭାଷାରେ ପୁରସ୍କାର ପାଇବେ ସୁଭାଷ ଶତପଥୀ

ଭୁବନେଶ୍ୱର,୭।୩(ସୌମ୍ୟରଞ୍ଜନ ରାଉତ)

ନୂଆଦିଲ୍ଲୀଠାରେ ଅନୁଷ୍ଠିତ ସାହିତ୍ୟ ଏକାଡେମୀର କାର୍ଯ୍ୟନିର୍ବାହୀ ପରିଷଦ ବୈଠକରେ ୨୦୨୪ ମସିହା ପାଇଁ ଅନୁବାଦ ପୁରସ୍କାର ଘୋଷଣା କରାଯାଇଛି। ଏକାଡେମୀ ସଭାପତି ମାଧବ କୌଶିକଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବୈଠକରେ ମୋଟ ୨୧ଟି ଭାଷାର ଅନୁବାଦ ପୁସ୍ତକ ଲାଗି ପୁରସ୍କାର ପାଇବାକୁ ନାମ ଘୋଷଣା କରାଯାଇଛି। ଏଥର ଓଡିଆ ଭାଷା ପାଇଁ ଅନୁବାଦ ପୁରସ୍କାର ପାଇବେ ଲେଖକ ତଥା ଅନୁବାଦକ ସୁଭାଷ ଶତପଥୀ। ଇଂଲିଶ ଭାଷାରେ ରଚିତ ରସ୍କିନ ବଣ୍ଡଙ୍କ ଆତ୍ମଜୀବନୀ 'ଲୋନ୍ ଫକ୍ସ ଡ୍ୟାନ୍ସିଂ'ର ଓଡିଆ ଅନୁବାଦ 'କୋକିଶିଆଳିର ଏକକ ନୃତ୍ୟ' ପାଇଁ ତାଙ୍କୁ ଏହି ପୁରସ୍କାର ଲାଗି ମନୋନୀତ କରାଯାଇଛି। ଏହା ପୂର୍ବରୁ ସେ ଓଡିଶା ସାହିତ୍ୟ ଏକାଡେମୀ ପୁରସ୍କାର ପାଇଛନ୍ତି। ଶତପଥୀଙ୍କ ପ୍ରକାଶିତ ଅନ୍ୟ ଅନୁବାଦ ପୁସ୍ତକ ମଧ୍ୟରେ ରହିଛି ସଂସାର, ପୂର୍ଣ୍ଣିମା ରାତ୍ରିର ଅଭିସାର ଓ ଅନ୍ୟାନ୍ୟ ଗଳ୍ପ , ସମୁଦ୍ର



ସୁଭାଷ ଶତପଥୀ

କୂଳର ଗାଁ, ଖୁସବନ୍ତ ସିଂହଙ୍କ ଗଳ୍ପ, ଏମ.ଟି. ବାସୁଦେବନ ନାୟାରଙ୍କ ଗଳ୍ପ, ବିଭାଜନ ଇତ୍ୟାଦି। ତେବେ ଓଡିଆ ଭାଷାର ଅନୁବାଦ ପୁରସ୍କାର ପାଇଁ ବିଚାରକ ମଣ୍ଡଳୀରେ ଅମରେଶ ପଟ୍ଟନାୟକ, ପ୍ରବାସିନୀ ମହାକୁଡ ଏବଂ ମୋନାଲିସା ଜେନା ରହିଥିଲେ। ସେହିପରି ଏହି ପୁରସ୍କାର ପାଇଁ ମନୋନୀତ ଅନ୍ୟ ଭାଷାର ଲେଖକମାନେ ହେଉଛନ୍ତି ଅଞ୍ଜନ ଶର୍ମା (ଅହମିଆ), ବାସୁଦେବ ଦାସ (ବଙ୍ଗଳା), ଉତ୍ତରା ବସୁମାତାରୀ (ବୋଡୋ), ଅର୍ଚ୍ଚନା କେସର (ଡୋଗ୍ରୀ), ଅନିସୁର ରହମାନ (ଇଂଲିଶ), ରମଣିକ ଅଗ୍ରୱତ (ଗୁଜରାଟୀ), ମଦନ ସୋନି (ହିନ୍ଦୀ), ସିଦ୍ଧଲିଙ୍ଗ ପଟ୍ଟନସେଟ୍ଟୀ (କନ୍ନଡ), ଗୁଲାମ ନବୀ ଆତଶ (କଶ୍ମୀରୀ), ମିଲିନ୍ଦ ମହମଲ (କୋଙ୍କଣୀ), କେଶକର ଠାକୁର (ମୈଥିଳି), କେ. ଭି. କୁମାରନ (ମାଲୟାଲମ), ଏସ ଇନ୍ଦ୍ରକୁମାର (ମଣିପୁରୀ), ସୁଦର୍ଶନ ଅଠାୱଲେ (ମରାଠୀ), ଚନ୍ଦନ ନେଗୀ (ପଞ୍ଜାବୀ), ସୋହନ୍ଦନ ଚରଣ (ରାଜସ୍ଥାନୀ), ନାଜିର ହେମ୍ବ୍ରମ (ସାନ୍ତାଳି), ଶୋଭା ଲାଲଚନ୍ଦାନୀ (ସିନ୍ଧୀ), ପି. ବିମଳା (ତାମିଲ) ଏବଂ ଟି. ରାଜେଶ୍ୱରୀ (ତେଲୁଗୁ)। ନେପାଳୀ ଏବଂ ସଂସ୍କୃତ ଭାଷାର ପୁରସ୍କାର ପରେ ଘୋଷଣା ହେବାକୁ ଥିବା ବେଳେ ଏଥର ଉର୍ଦ୍ଦୁ ଭାଷାରେ ପୁରସ୍କାର ଦିଆଯିବ ନାହିଁ ବୋଲି ପ୍ରେସ ବିଜ୍ଞପ୍ତିରେ ଏକାଡେମୀ ସଚିବ ଡ. କେ. ଶ୍ରୀନିବାସରାଓ ଜଣାଇଛନ୍ତି। ବିଜେତାଙ୍କୁ ପୁରସ୍କାର ସ୍ୱରୂପ ୫୦ ହଜାର ଟଙ୍କାର ଅର୍ଥରାଶି ସହିତ ତାମ୍ରଫଳକ ଦିଆଯିବ। ଏହି ପୁରସ୍କାର ପାଇଁ ୨୦୧୮ରୁ ୨୦୨୨ ମଧ୍ୟରେ ପ୍ରକାଶିତ ପୁସ୍ତକକୁ ବିଚାରକୁ ନିଆଯାଇଥିଲା।